ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1285/13-02-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୩ ଫେବୃଆରୀ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ୫–'ଟି' କାର୍ଯ୍ୟକ୍ରମକୁ ଅଧିକ ବ୍ୟାପକ କରିବା ଉଦ୍ଦେଶ୍ୟରେ 'ସୁଯୋଗ' ଅଭିଯାନ ଅନ୍ତର୍ଗତ ଅନ୍‌ଲାଇନ୍ କୋଠା ନକ୍ସା ମଂଜୁରୀ ବ୍ୟବସ୍ଥା (ବିଲ୍‌ଡିଂ ପ୍ଲାନ୍ ଆପ୍ରୁଭ ସିଷ୍ଟମ୍)କୁ ଲୋକାର୍ପିତ କରିଛନ୍ତି । ଏହା ଦ୍ୱାରା ନାଗରିକମାନେ ସରକାରୀ କାର୍ଯ୍ୟାଳୟକୁ ନଯାଇ ସେମାନଙ୍କ କୋଠା ନକ୍ସାର ମଂଜୁରୀ ପାଇପାରିବେ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ତାମିଲନାଡୁର ବିରୁଦ୍ଧୁନଗରରେ ବାଣ କାରଖାନାରେ ହୋଇଥିବା ଦୁଃଖଦ ଦୁର୍ଘଟଣାରେ ଲୋକମାନଙ୍କର ମୃତ୍ୟୁ ନେଇ ଗଭୀର ଶୋକପ୍ରକାଶ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଶୋକସନ୍ତପ୍ତ ପରିବାରବର୍ଗଙ୍କ ପ୍ରତି ତାଙ୍କର ସମବେଦନା ଜ୍ଞାପନ କରିବା ସହ ଆହତମାନଙ୍କର ଦ୍ରୁତ ଆରୋଗ୍ୟ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ଉପସ୍ଥିତିରେ ଓଏସ୍‌ସିବି ଏବଂ ଓଏସ୍‌ଡବ୍ଲ୍ୟୁସିର ପ୍ରତିନିଧିମାନେ ରାଜ୍ୟ ସରକାରଙ୍କୁ ଯଥାକ୍ରମେ ୩.୯୭ କୋଟି ଏବଂ ୧.୯୭ କୋଟି ଟଙ୍କାର ଲାଭାଂଶ ପ୍ରଦାନ କରିଛନ୍ତି । ଏହି ପାଣ୍ଠି ରାଜକୋଷକୁ ସୁଦୃଢ଼ କରିବା ସହ ରାଜ୍ୟର ଉନ୍ନୟନମୂଳକ ପଦକ୍ଷେପଗୁଡ଼ିକୁ ସଶକ୍ତ କରିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମୁଖ୍ୟ ଶାସନ ସଚିବ ଶ୍ରୀ ସୁରେଶ ଚନ୍ଦ୍ର ମହାପାତ୍ର ନନ୍ଦନକାନନ ନିକଟରେ ନିର୍ମାଣାଧୀନ ବହୁତଳ ଗାଡ଼ି ପାର୍କିଂ ପ୍ରକଳ୍ପ ଦୁଇମାସ ମଧ୍ୟରେ ସାରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ନନ୍ଦନକାନନକୁ ନୂତନ ଭାବେ ମିଳିଥିବା ୮ ବର୍ଗ କିଲୋମିଟର ଚୁଡ଼ଙ୍ଗଗଡ଼ ଜଙ୍ଗଲ ଅଞ୍ଚଳକୁ ବଣ୍ୟଜନ୍ତୁ ସଫାରୀ ଭାବରେ ବ୍ୟବହାର କରାଯିବ ବୋଲି ଶ୍ରୀ ମହାପାତ୍ର କହିଛନ୍ତି ।

'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୦,୦୧,୭୦୧ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୬,୧୦୧ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୩,୩୫୧ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୦ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୭୮୭ ରହିଛି ।
- ୭୮୭ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**